ପ୍ରେସ୍ ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୧୬ ଜଣ କରୋନା ପଜିଟିଭ ଚିହ୍ନଟ ।

ପଜିଟିଭ ସଂଖ୍ୟା ୪୩୮୯୪ରେ ପହଞ୍ଚିଲା - ସୁସ୍ଥ ହେଲେ ୪୯ ଜଣ ।

ଅନୁଗୋଳ, ତା.୨୩.୦୮:- ଆଜି ଅନୁଗୋଳ ଜିଲ୍ଲାରେ ୧୬ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ତାଳଚେର ବ୍ଲକ୍ ଅଂଚଳରୁ ୪ଜଣ (୩ ଜଣ ପୁରୁଷ ଓ ୧ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୪ଜଣ (୩ ଜଣ ପୁରୁଷ ଓ ୧ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୩ଜଣ (୨ ଜଣ ପୁରୁଷ ଓ ୧ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା), ବଅଁରପାଳ ବ୍ଲକ୍ ଅଂଚଳରୁ ୨ଜଣ (୧ ଜଣ ପୁରୁଷ ଓ୧ ଜଣ ମହିଳା) ଓ କିଶୋରନଗର ବ୍ଲକ୍ ଅଂଚଳରୁ ୧ଜଣ (୧ ଜଣ ପୁରୁଷ ) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କ ମଧ୍ୟରୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ, ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୪୯ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୩୩୨ଜଣ ମୃତ୍ୟୁବରଣ କଲେଣି । ଆଜି ସୁଦ୍ଧା ୪ ଲକ୍ଷ ୮୮ହଜାର ୭୩୧ଜଣଙ୍କୁ ଟିକା ଦିଆଗଲାଣି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୫୩୨ ତା.୨୩.୮.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ